ପ୍ରେସ୍ ନୋଟ୍

## ଆଜି ଅନୁଗୋଳ ଜିଲ୍ଲାରୁ ୫୧ ଜଣ କରୋନା ପଜିଟିଭ ଚିହ୍ନଟ -

### ପଜିଟିଭ ସଂଖ୍ୟା ୧୦୭୯୪ ରେ ପହଞ୍ଚିଲା - ସୁସ୍ଥ ହେଲେ ୪୯ ଜଣ ।

ଅନୁଗୋଳ, ତା,୨୭.୧୧:- ଆଜି ଅନୁଗୋଳ ଜିଲ୍ଲାରୁ ୫୧ ଜଣ ନୂଆ କରୋନା ପଜିଟିଭ ଚିହ୍ନଟ ହୋଇଛନ୍ତି । ସେହିପରି ଅନ୍ୟ ଜିଲ୍ଲାରୁ ଅନୁଗୋଳରେ ସ୍ୱାବ ନମୁନା ଦେଇଥିବା ବ୍ୟକ୍ତିମାନଙ୍କ ମଧ୍ୟରୁ ୧ ଜଣ ଆକ୍ରାନ୍ତ ଚିହ୍ନଟ ହୋଇ ସମୁଦାୟ ଆକ୍ରାନ୍ତଙ୍କ ସଂଖ୍ୟା ୧୮୮ ରେ ପହଂଚିଛି । ଅନୁଗୋଳ ଜିଲ୍ଲା ମଧ୍ୟରୁ ଚିହ୍ନଟ ହୋଇଥିବା ଆକ୍ରାନ୍ତମାନଙ୍କ ମଧ୍ୟରେ ବଣ୍ଡାଁରପାଳ ବ୍ଲକ୍ ଅଂଚଳରୁ ସର୍ବାଧିକ ୧୫ ଜଣ(୧୨ଜଣ ପୁରୁଷ ଓ ୩ଜଣ ମହିଳା), ଅନୁଗୋଳ ପୌରାଞ୍ଚଳରୁ ୧୦ଜଣ( ୮ଜଣ ପୁରୁଷ ଓ ୨ଜଣ ମହିଳା), କଣିହାଁ ବ୍ଲକ୍ ଅଂଚଳରୁ ୮ଜଣ ( ୪ଜଣ ପୁରୁଷ ଓ ୪ଜଣ ମହିଳା), ତାଳଚେର ବ୍ଲକ୍ ଅଂଚଳରୁ ୬ଜଣ ( ୫ଜଣ ପୁରୁଷ ଓ ୧ଜଣ ମହିଳା), ଛେଣ୍ଡିପଦା ବ୍ଲକ୍ ଅଂଚଳରୁ ୫ଜଣ (୫ଜଣ ପୁରୁଷ ), ପାଲଲହଡା ବ୍ଲକ୍ ଅଂଚଳରୁ ୩ଜଣ ( ୩ଜଣ ପୁରୁଷ ), ଆଠମଲ୍ଲିକ ବ୍ଲକ୍ ଅଂଚଳରୁ ୧ଜଣ ( ୧ଜଣ ପୁରୁଷ ), ଆଠମଲ୍ଲିକ ବିଜ୍ଞାପିତ ଅଂଚଳ ପରିଷଦରୁ ୧ଜଣ ( ୧ଜଣ ମହିଳା), ଅନୁଗୋଳ ବ୍ଲକ୍ ଅଂଚଳରୁ ୧ଜଣ ( ୧ଜଣ ପୁରୁଷ) ଓ କିଶୋରନଗର ବ୍ଲକ୍ ଅଂଚଳରୁ ୧ଜଣ ( ୧ଜଣ ମହିଳା) ଅଛନ୍ତି । ସମସ୍ତେ ଅନ୍ୟ ଆକ୍ରାନ୍ତଙ୍କ ସଂସ୍ପର୍ଶରେ ଆସି ପଜିଟିଭ ହୋଇଥିବାର ଜଣାପଡିଛି । ଚିହ୍ନଟ ହୋଇଥିବା ସମସ୍ତ ଲକ୍ଷଣଯୁକ୍ତ ଆକ୍ରାନ୍ତମାନଙ୍କୁ କୋଭିଡ ହସପିଟାଲକୁ ଚିକିତ୍ସା ନିମନ୍ତେ ସ୍ଥାନାନ୍ତର କରାଯାଉଥିବା ବେଳେ ସ୍ୱଳ୍ପ ଲକ୍ଷଣଯୁକ୍ତ ଓ ଲକ୍ଷଣ ବିହିନ ଆକ୍ରାନ୍ତମାନଙ୍କୁ ନିଜ ଘରେ Isolation ରେ ରଖାଯାଇ ନିରିକ୍ଷଣ କରାଯାଉଛି ବୋଲି ଜିଲ୍ଲାପାଳ ଶ୍ରୀ ସିଦ୍ଧାର୍ଥ ଶଙ୍କର ସ୍ୱାଇଁ ପ୍ରକାଶ କରିଛନ୍ତି । ଆଜି ଅନୁଗୋଳ ଜିଲ୍ଲାରୁ ୪୯ଜଣ ସୁସ୍ଥ ହୋଇଛନ୍ତି । ସେମାନଙ୍କ ମଧ୍ୟରେ ୪ଜଣ କୋଭିଡ ହସପିଟାଲରୁ ଓ ୪୫ଜଣ ହୋମ Isolation ରୁ ସୁସ୍ଥ ହୋଇଛନ୍ତି ।

ଶୀତ ଦିନେ କରୋନା ସଂକ୍ରମଣ ବ୍ୟାପିବାର ଆଶଙ୍କା ଅଧିକ ଥିବାରୁ ଆଜି ଅପରାହ୍ନରେ ଜିଲ୍ଲାପାଳ ଶ୍ରୀ ସିଦ୍ଧାର୍ଥ ଶଙ୍କର ସ୍ୱାଇଁ କରୋନାର ସ୍ଥିତିକୁ ନେଇ ତାଂକ କାର୍ଯ୍ୟାଳୟ ପ୍ରକୋଷ୍ଠରେ ସମୀକ୍ଷା କରିଛନ୍ତି । କୋଭିଡ ପରିକ୍ଷା ସଂଖ୍ୟା ବଢାଇବା ସହ ଯାଂଚ କାର୍ଯ୍ୟ (Enforcement) କୁ କଡାକଡି କାର୍ଯ୍ୟକାରୀ କରିବାକୁ ଜିଲ୍ଲାପାଳ ପରାମର୍ଶ ଦେଇଛନ୍ତି । ଆସନ୍ତା ନୂଆ ବର୍ଷ ଓ ଖ୍ରୀଷ୍ଟ ମାସକୁ ଦୃଷ୍ଟିରେ ରଖି ବଣଭୋଜି ଉପରେ ସତର୍କ ଦୃଷ୍ଟି ରଖିବା ସହ କାର୍ତ୍ତିକ ପୂର୍ଣ୍ଣିମାରେ ବୋଇତ ବନ୍ଦାଣକୁ ନେଇ ଏକତ୍ରିତ ହେଉଥିବା ଜଳାଶୟ ନିକଟରେ ସତର୍କ ଦୃଷ୍ଟି ରଖିବାକୁ ସମସ୍ତ ଉପଜିଲ୍ଲାପାଳମାନଂକୁ ଜିଲ୍ଲାପାଳ ପରାମର୍ଶ ଦେଇଛନ୍ତି । ଆସନ୍ତା ଡିସେମ୍ବର ମାସ ଶେଷ ପର୍ଯ୍ୟନ୍ତ ଯାଂଚ କାର୍ଯ୍ୟ (Enforcement) କୁ ଚାଲୁ ରଖିବାକୁ ଜିଲ୍ଲାପାଳ ପରାମର୍ଶ ଦେଇଛନ୍ତି । ଯେଉଁ ଅଂଚଳରେ ଅଧିକ ପଜିଟିଭ ବାହାରୁଛନ୍ତି ସେ ଅଂଚଳରେ ସତର୍କ ଦୃଷ୍ଟି ରଖିବା ସହ ଡିସେମ୍ବର ଏକ ତାରିଖ ଠାରୁ ଏକ ସ୍ୱତନ୍ତ୍ର ଯୋଜନା ପ୍ରସ୍ତୁତ କରି କାର୍ଯ୍ୟକାରୀ କରିବାକୁ ଅଧିକାରୀମାନଂକୁ ଜିଲ୍ଲାପାଳ ପରାମର୍ଶ ଦେଇଛନ୍ତି । ଏହାଛଡା ଜିଲ୍ଲାପାଳ କୋଭିଡ ହସପିଟାଲର ସିକ୍ୟୁରିଟି ବ୍ୟବସ୍ଥାକୁ ସମୀକ୍ଷା କରିବା ସହ କୋଭିଡ ଯୋଦ୍ଧାମାନଂକର ବୀମା ରାଶି ପ୍ରଦାନ ସମ୍ପର୍କରେ ଆଲୋଚନା କରିଥିଲେ । ଏହି ସମୀକ୍ଷା ବୈଠକରେ ଅତିରିକ୍ତ ଜିଲ୍ଲାପାଳ ଶ୍ରୀ ତପନ କୁମାର ଶତପଥି, ଅନୁଗୋଳ ଉପଜିଲ୍ଲାପାଳ ଶ୍ରୀ ବାସୁଦେବ ଶତପଥି ,ଜିଲ୍ଲା ମୁଖ୍ୟ ଚିକିତ୍ସା ଓ ଜନ ସ୍ୱାସ୍ଥ୍ୟ ଅଧିକାରୀ ଡା.ଅଭୟ କୁମାର ଦାଶଙ୍କ ସମେତ ବିଭିନ୍ନ ବିଭାଗର ଜିଲ୍ଲା ସ୍ତରୀୟ ଅଧିକାରୀ ପ୍ରମୁଖ ଉପସ୍ଥିତ ଥିଲେ ।

ଜିଲ୍ଲା ସୂଚନା ଓ ଲୋକ ସମ୍ପର୍କ କାର୍ଯ୍ୟାଳୟ,ଅନୁଗୋଳ ।

ଜ୍ଞାପକସଂଖ୍ୟା. ୭୭୪ ତା.୨୭.୧୧.୨୦୨୦ ।

ଏହାର ଏକକିତା ନକଲ ସମସ୍ତ ଜିଲ୍ଲା ସ୍ତରୀୟ ସାମ୍ବାଦିକଙ୍କ ସଦୟ ଅବଗତି ଓ ଏହାର ପ୍ରକାଶନ ନିମନ୍ତେ ପ୍ରେରଣ କରା। ।

ଜିଲ୍ଲା ସୂଚନା ଓ ଲୋକ ସମ୍ପର୍କ ଅଧିକାରୀ, ଅନୁଗୋଳ